The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 165 CUTTACK, FRIDAY, JANUARY 22, 2016/MAGHA 2, 1937**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 09 ସେପ୍ଟେମ୍ବର 2015

ସଂଖ୍ୟା 26206—RDM-LAA-BDK-0021/2013-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କାପାଲୀ ଡ୍ରେନେଜ ଚ୍ୟାନେଲ ସଂସ୍କାର ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା କଲ୍ୟାଣୀ, ଥାନା ଧାମନଗର, ଜିଲ୍ଲା ଭଦ୍ରକରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଵାରା ଘୋଷଣା କରାଯାଉଅଛି କି ଉପରୋକ୍ତ ଉଦ୍ଦେଶ୍ୟରେ ପ୍ରାୟ 13.79 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ଵାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମ ଧାରା 6(1)ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 49835-ରାବିପ., ତା 30 ଡିସେମ୍ବର 2013 ରିଖ ଏବଂ ଓଡ଼ିଶା ରାଜପତ୍ର ସଂଖ୍ୟା 69, ତା 09 ଜାନୁଆରୀ 2014 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ଭଦ୍ରକ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର, ଭୂ-ଅର୍ଜନ ବିଭାଗରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.1466—173+20